# ଗ୍ରାମୀଣ କୃଷି ମୌସମ ସେବା


**ଆଞ୍ଚଳିକ ଗବେଷଣା ଓ ପ୍ରଯୁକ୍ତି ବିଦ୍ୟା ସଂପ୍ରସାରଣ କେନ୍ଦ୍ର**

**ରାଣୀତାଲ, ଭଦ୍ରକ, ଓଡ଼ିଶା-୭୫୬୧୧୧**

**(ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ)**


**ପତ୍ରିକା ସଂଖ୍ୟା- ୧୦୦/୨୫**

**ଜିଲ୍ଲା-ଭଦ୍ରକ** **ତା.୧୬.୧୨.୨୦୨୫**

**ପାଣିପାଗ ପୂର୍ବାନୁମାନ (ତା.୨୧.୧୨.୨୦୨୫ ପର୍ଯ୍ୟନ୍ତ)- ଆଞ୍ଚଳିକ ପାଣିପାଗ କେନ୍ଦ୍ରର ପୂର୍ବାନୁମାନ ଅନୁୟାୟୀ,ଜିଲ୍ଲାରେ ଆସନ୍ତା ୫ ଦିନ** ଶୁଖିଲା ପାଗର ସମ୍ଭାବନା ଅଛି । ପବନର ବେଗ ୦୭- ୦୯ କିମି / ଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି | ସର୍ବାଧିକ ତାପମାତ୍ରା ଏବଂ ସର୍ବନିମ୍ନ ତାପମାତ୍ରା ଆସନ୍ତା ପାଞ୍ଚ ଦିନ ପାଇଁ ଯଥାକ୍ରମେ ୨୭-୨୮°C ଏବଂ ୧୨-୧୩°C ରହିବାର ସମ୍ଭାବନା ରହିଛି |

| DISTRICT | Date | Rainfall (mm) | T-MAX (C ) | T-MIN (C ) | Cloud Cover | Rh Max (%) | Rh Min (%) | Wind speed (kmph) | Wind Direction (deg) |
|---|---|---|---|---|---|---|---|---|---|
| BHADRAK | 2025-12-17 | 0 | 27 | 12 | 2 | 73 | 28 | 8 | 8 |
| | 2025-12-18 | 0 | 27 | 12 | 0 | 69 | 26 | 7 | 357 |
| | 2025-12-19 | 0 | 28 | 12 | 0 | 69 | 27 | 7 | 327 |
| | 2025-12-20 | 0 | 28 | 12 | 0 | 74 | 28 | 9 | 305 |
| | 2025-12-21 | 0 | 28 | 12 | 0 | 72 | 31 | 9 | 299 |

## ପାଣିପାଗଭିତ୍ତିକ କୃଷି ଓ ପଶୁପାଳନ ଉପଦେଶ

| ସାଧାରଣ ଉପଦେଶ | ➢ ଚାଷୀଙ୍କୁ ଖରିଫ ଫସଲର ଅବଶିଷ୍ଟାଂଶ କ୍ଷେତରେ ଜାଳି ନଦେବାକୁ ପରାମର୍ଶ , କାରଣ ଏହା କେବଳ ପରିବେଶକୁ ପ୍ରଦୂଷିତ କରେ ନାହିଁ ବରଂ ସ୍ୱାସ୍ଥ୍ୟଗତ ସମସ୍ୟା ମଧ୍ୟ ସୃଷ୍ଟି କରିଥାଏ।<br>➢ ଧାନ ଅମଳ ପରେ, ବିରି ଏବଂ ମୁଗ ଭଳି ଡାଲି ବିହନ ବୁଣିବା ପାଇଁ ଜମି ପ୍ରସ୍ତୁତ କରନ୍ତୁ ।<br>➢ ଛିଡା ହୋଇଥିବା ଫସଲ ଏବଂ ପନିପରିବା ପାଇଁ ଆବଶ୍ୟକ ଜଳସେଚନ ଯୋଗାନ୍ତୁ\|<br>➢ ଡିଜେନ୍ଫେକ୍ଟାଣ୍ଟ / ବ୍ଲିଚିଂ ପାଉଡର / ଫିନାଇଲ ସିଂଚନ କରି ପଶୁଗୁହାଳକୁ କୁ ସଫା କରନ୍ତୁ। | |
|---|---|---|
| ଫସଲର ନାମ | ଫସଲର ଅବସ୍ଥା | ପାଣିପାଗ ଭିତ୍ତିକ ପରାମର୍ଶ |
| ଖରିଫ ଧାନ | ଅମଳ ପରବର୍ତ୍ତୀ ଅବସ୍ଥା | ➢ ଗୋଦାମ ରେ ପୋକ ନ ଆସିବା ପାଇଁ ଲମ୍ବଡା ସିଯାହାଲୋଥ୍ରିନ 4.9CS @ 1.5ml / li ସ୍ପ୍ରେ କରନ୍ତୁ ଏବଂ ସଫା କରନ୍ତୁ ।<br>➢ ଖଳା ଏବଂ ସଂରକ୍ଷଣ ସ୍ଥାନକୁ ସ୍ୱଚ୍ଛ ଏବଂ ଜୀବାଣୁନାଶକ କରନ୍ତୁ। |
| ସୋରିଷ | ଅଙ୍ଗୀୟ ଅବସ୍ଥା | ➢ ଫସଲକୁ ଜଳସେଚନ କରନ୍ତୁ ଏବଂ କୀଟପତଙ୍ଗ ନିରୀକ୍ଷଣ କରନ୍ତୁ।<br>➢ ହେକ୍ଟର ପ୍ରତି ତୋରିଆ କିସମ ପାଇଁ ୬୦ କି.ଗ୍ରା. ଯବକ୍ଷାରଜାନ, ୩୦ କି.ଗ୍ରା. ଫସଫରସ ଓ ୩୦ କି.ଗ୍ରା. ପୋଟାସ ସାର ଓ ଅଧିକ ଦିନିଆ ସୋରିଷ କିସମ ପାଇଁ ୮୦ କି.ଗ୍ରା. ଯବକ୍ଷାରଜାନ , ୪୦ କି.ଗ୍ରା. ଫସଫରସ ଓ ୪୦ କି.ଗ୍ରା. ପୋଟାସ ସାର ପ୍ରୟୋଗ କରନ୍ତୁ। ଏହା ସହିତ ୪୦ କି.ଗ୍ରା. ସଲଫର , ୫ କି.ଗ୍ରା. ଜିଙ୍କ ଓ ୧ କି.ଗ୍ରା. ବୋରୋନ ପ୍ରୟୋଗ କରିବା ଆବଶ୍ୟକ। |
| ମୁଗ ଏବଂ ବିରି | | ➢ ଧାନ ଅମଳ ପରେ, ବିରି ଏବଂ ମୁଗ ଭଳି ଡାଲି ବିହନ ବୁଣିବା ପାଇଁ ଜମି ପ୍ରସ୍ତୁତ କରନ୍ତୁ ।<br>➢ ମୁଗ ଓ ବିରି ଫସଲରେ ପ୍ରାରମ୍ଭିକ ଅବସ୍ଥାରେ ଧଳାମାଛି ଓ ଅନ୍ୟାନ୍ୟ ଷୋଶକ କୀଟ ମାନଙ୍କ ଦାଉରୁ ଫସଲକୁ ସୁରକ୍ଷା ଦେବାପାଇଁ ୧ କିଗ୍ରା ମଞ୍ଜି ପ୍ରତି ବିହନ ସହିତ (କାର୍ବୋକ୍ସିନ୍ + ଥିରାମ) @ 2 ଗ୍ରାମ୍ ବିହନ ବିଶୋଧନ କରି ବୁଣନ୍ତୁ କିମ୍ବା ଉପରୋକ୍ତ କୀଟନାଶକ ବ୍ୟବହାରର 7 ଦିନ ପରେ ବିହନ ବୁଣିବା ପୂର୍ବରୁ ନିର୍ଦ୍ଦିଷ୍ଟ ରାଇଜୋବିୟମ୍ କଲଚର ସହିତ ବିହନ ବିଶୋଧନ କରନ୍ତୁ।<br>➢ ବିହନ ବୁଣିବା ଦିନ ପ୍ରତି କିଗ୍ରା ବିହନରେ,୨୦ ଗ୍ରାମ ରାଇଜୋବିୟମ ଜୀବାଣୁ କଲଚର ସହିତ ଗୋଳାଇ ଛାଇରେ ଶୁଖାଇ ଜମିରେ ବୁଣନ୍ତୁ।<br>➢ ଶେଷ ଓଡ ଚାଷ ସମୟସର ଏକର ପ୍ରତି ୨ଟନ ଶଢା ଗୋବର ଖତ କିମ୍ବା କମ୍ପୋଷ୍ଟ ସହିତ ୩୫ କେଜି ଡ଼ିଏପି, ୧୩ |

| | | |
|---|---|---|
| | | କେଜି ମ୍ୟୁରେଟ ଅଫ ପଟାସ ଏବଂ ୪ କେଜି ୟୁରିଆ ମୂଳ ସାର ହିସାବରେ ପ୍ରୟୋଗ କରନ୍ତୁ। <br>➢ ଧାଡି କୁ ଧାଡି ବ୍ୟବଧାନ ୨୫ ସେ.ମି. x ୧୦ ସେ.ମି. ରଖନ୍ତୁ । |
| ପନିପରିବା | ଫୁଲ ଅବସ୍ଥା | ➢ ବାଇଗଣ ଫସଲରେ ଫଳ ଏବଂ କାଣ୍ଡ ବିନ୍ଧା ପୋକକୁ ନିୟନ୍ତ୍ରଣ କରିବା ପାଇଁ, ପ୍ରାରମ୍ଭିକ ପର୍ଯ୍ୟାୟରେ ନିମ ଆଧାରିତ କୀଟନାଶକ 1500ppm @ 600ml/ଏକର ସ୍ପ୍ରେ କରନ୍ତୁ। ପରେ 15 ଦିନ ବ୍ୟବଧାନରେ ସ୍ପିନୋସାଡ୍ ୪୫ % SC @ ୭୦ ml/ଏକର କିମ୍ବା ଥାୟୋଡିକାର୍ବ @ ୩୦୦ ଗ୍ରାମ /ଏକର ସ୍ପ୍ରେ କରନ୍ତୁ। <br>➢ ଲଙ୍କା ଫସଲରେ ଶୋଷକ ପୋକ ନିୟନ୍ତ୍ରଣ କରିବା ପାଇଁ, ୧୦ ଲିଟର ପାଣିରେ ଇମିଡାକ୍ଲୋପ୍ରିଡ୍ @ 5 ମିଲି ସ୍ପ୍ରେ କରନ୍ତୁ। <br>➢ ଶୀତ ଦିନିଆ ପନିପରିବା ଯଥା କୋବି , ବାଇଗଣ, ଟମାଟୋ ଓ ଲଙ୍କା ଫସଲରେ ପତ୍ରଖିଆ ଓ ଫଳବିନ୍ଧା ପୋକର ଦମନ ପାଇଁ ୧ ଲିଟର ପାଣି ପ୍ରତି ୦.୫ ଗ୍ରାମ ଏମାମେକ୍ଟିନ ବେଞ୍ଜୋଏଟ କିମ୍ବା ୦.୪ ମି.ଲି. ସ୍ପିନୋସାଡ ପ୍ରୟୋଗ କରନ୍ତୁ । |
| ଫଳ | | ❖ ଅମୃତଭଣ୍ଡା-ଅମୃତଭଣ୍ଡାରେ ଧଳା ମାଛି କୁ ନିୟନ୍ତ୍ରଣ କରିବା ପାଇଁ ହଳଦିଆ ଫାଶ ଯନ୍ତା ଲଗାନ୍ତୁ କରନ୍ତୁ କିମ୍ବା ନିମ୍ ତେଲ ୧୫୦୦ppm @ ୩ ମିଲି / ଲିଟର ପାଣି ଏବଂ ଫ୍ଲୋନିକାମିଡ୍ 50WG @ ୦.୩ଗ୍ରା / ଲିଟରର ସିଂଚନ କରନ୍ତୁ \| |
| ପଶୁପାଳନ | | ❖ ଯଦି ପଶୁମାନଙ୍କୁ ଏଫଏମଡି , ହେମୋରେଜିକ୍ ସେପ୍ଟିକେମିଆ, ବ୍ଲାକ୍ କ୍ୱାର୍ଟର୍ , ଏଣ୍ଟେରୋଟକ୍ସେମିଆ ଇତ୍ୟାଦି ଟୀକାକରଣ କରାଯାଇ ନାହିଁ, ତେବେ ତାହା କରିବା ଆବଶ୍ୟକ \| <br>❖ ପଶୁମାନଙ୍କୁ ରୋଗ ଏବଂ କୀଟପତଙ୍ଗରୁ ରକ୍ଷା କରିବା ପାଇଁ ଗୁହାଳକୁ ସଫା ଏବଂ ଶୁଷ୍କ ରଖନ୍ତୁ \| |

**ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ତାରା , QPM, ଟିସୁ କଲଚର ଗଛ , ଫଳ ଓ ପନିପରିବା , ଯାଅଁଳ, କୁକୁଡା ଚିଆଁ, ଛତୁ, ଛତୁ ମଞ୍ଜି, ଜୈବିକ ସାର, ଜୈବିକ କୀଟନାଶକ, ଜିଆ ଖତ, କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।**

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ MEGHDOOT ମୋବାଇଲ ଆପ ବ୍ୟବହାର କରନ୍ତୁ ।

(Android:https://play.google.com/store/apps/details?id=com.aas.meghdoot)(iOS: https://apps.apple.com/in/app/meghdoot/id1474048155)

Mrs. Meera Mahanty
Jr. Agrometeorologist
AMFU, RRTTS, Ranital

Dr. Biswaranjan Nayak
ADR & NODAL OFFICER
AMFU, RRTTS, Ranital